**ଅକ୍ଟୋବର ୨୫,୨୦୦୫ ମଙ୍ଗଳବାର**

Google Search




## ଚାପ ପରେ ବିଜ୍ଞାନ ସଂସ୍ଥା ପ୍ରତିଷ୍ଠା ଦାବି ଦୋହରାଇଲେ ସରକାର

ଓଡ଼ିଶା ଡଟ୍ କମ୍ ସମ୍ବାଦଦାତା

ନୂଆଦିଲ୍ଲୀ, ଅକ୍ଟୋବର ୨୫(ଓଡ଼ିଶା ଡଟ୍ କମ୍) ବୁଦ୍ଧିଜୀବିମାନଙ୍କଠାରୁ ଚାପର ସମ୍ମୁଖୀନ ହେବା ପରେ ରାଜ୍ୟରେ ପ୍ରସ୍ତାବିତ ଜାତୀୟ ବିଜ୍ଞାନ ସଂସ୍ଥାର ପ୍ରତିଷ୍ଠା କରିବା ପାଇଁ ଓଡ଼ିଶା ସରକାର କେନ୍ଦ୍ର ସରକାରଙ୍କ ନିକଟରେ ନିଜର ଦାବିକୁ ଦୋହରାଇଛନ୍ତି ।

ଏହାସହ ପଢନ୍ତୁ

ପ୍ରସ୍ତାବିତ ଜାତୀୟ ସଂସ୍ଥା ସ୍ଥାନାନ୍ତର ବିରୋଧରେ ଶତାଧିକ ଓଡ଼ିଆଙ୍କ ପିଟିସନ
ପ୍ରସ୍ତାବିତ ଜାତୀୟ ବିଜ୍ଞାନ ସଂସ୍ଥା ସ୍ଥାନାନ୍ତରର ମିଳିତ ବିରୋଧ ହେଉ
ଚିଠି ପତ୍ର


୨୦୦୩ ଡ଼ିସେମ୍ବରରେ ତତ୍କାଳୀନ ମାନବ ସମ୍ବଳ ବିକାଶ ମନ୍ତ୍ରୀ ଭାରତୀୟ ବିଜ୍ଞାନ ସଂସ୍ଥାନ ଦେଶର ଚାରୋଟି ସହର ଯଥା ପୁନେ ,ଭୁବନେଶ୍ୱର,ଆହ୍ଲାବାଦ ,ଓ ଚେନ୍ନାଇରେ ପ୍ରତିଷ୍ଠା କରିବା ପାଇଁ ଘୋଷଣା କରିଥିଲେ ।

ନିକଟରେ ପ୍ରଧାନମନ୍ତ୍ରୀ କରିଥିବା ଘୋଷଣା ଅନୁସାରେ ଭୁବନେଶ୍ୱରରୁ ଏହି ଅନୁଷ୍ଠାନକୁ କୋଲକାତାକୁ ସ୍ଥାନାନ୍ତର କରାଯାଇଛି ।

ରାଜ୍ୟରୁ ଏହି ସଂସ୍ଥାର ସ୍ଥାନାନ୍ତର ନେଇ ରାଜ୍ୟ ତଥା ରାଜ୍ୟ ବାହାରେ ରହୁଥିବା ବୁଦ୍ଧିଜୀବିମାନେ ବ୍ୟାପକ ପ୍ରତିକ୍ରିୟା ପ୍ରକାଶ କରିଛନ୍ତି । ବହୁ ସଂଖ୍ୟକ ଓଡ଼ିଆ ଏ ସଂକ୍ରାନ୍ତରେ ପ୍ରଧାନମନ୍ତ୍ରୀଙ୍କୁ ପତ୍ର ଲେଖି ତାର ନକଲ ମୁଖ୍ୟମନ୍ତ୍ରୀଙ୍କ ନିକଟକୁ ମଧ ପଠାଇଛନ୍ତି ।

ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ସୋମବାର ଦିନ ଦିଲ୍ଲୀଠାରେ କେନ୍ଦ୍ର ମାନବ ସମ୍ବଳ ବିକାଶ ମନ୍ତ୍ରୀ ଅର୍ଜୁନ ସିଂଙ୍କୁ ଭେଟି ଏ ସଂକ୍ରାନ୍ତରେ ଦୃଷ୍ଟି ଆକର୍ଷଣ କରିଛନ୍ତି । ସେ କହିଛନ୍ତି ଯେ, ପ୍ରସ୍ତାବିତ ବିଜ୍ଞାନ ସଂସ୍ଥାର ନିର୍ମାଣ ପାଇଁ ଭୁବନେଶ୍ୱରରେ ଜମି ଚିହ୍ନଟ ହୋଇସାରିଛି । କେନ୍ଦ୍ରରୁ ଅନୁଦାନ ମିଳିଲେ ଏହାର କାର୍ଯ୍ୟ ଆରମ୍ଭ ହେବ ।

ତେବେ କେନ୍ଦ୍ର ସରକାର ଏହାର ପୁର୍ନବିଚାର କରିବା ପାଇଁ ପ୍ରତିଶ୍ରୁତି ଦେଇଥିବା ସେ କହିଛନ୍ତି ।

ଏଠାରେ ଉଲ୍ଲେଖଯୋଗ୍ୟ ଯେ ଏହି ପ୍ରସ୍ତାବିତ ସଂସ୍ଥା ସ୍ଥାନାନ୍ତରକୁ ନେଇ ରାଜନୈତିକ ମହଲରେ ମଧ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି । ରାଜ୍ୟ ବିଜେପି ସଭାପତି ତଥା ପୂର୍ବତନ କେନ୍ଦ୍ରମନ୍ତ୍ରୀ ଜୁଏଲ ଓରାମ କେନ୍ଦ୍ର ସରକାରଙ୍କ ଏହି ନିଷ୍ପତ୍ତି ଦୁର୍ଭାଗ୍ୟଜନକ ଦର୍ଶାଇ ରାଜ୍ୟରେ ଏହି ସଂସ୍ଥା ତୁରନ୍ତ ପ୍ରତିଷ୍ଠା କରିବା ପାଇଁ ପ୍ରଧାନମନ୍ତ୍ରୀଙ୍କୁ ଲେଖିଛନ୍ତି ।

କଂଗ୍ରେସ ନେତୃତ୍ୱରେ କେନ୍ଦ୍ରରେ ଚାଲିଥିବା ସରକାରର ଏହି ମନୋଭାବକୁ ବରଦାସ୍ତ କରାଯିବନାହିଁ ବୋଲି ସେ କହିଛନ୍ତି ।

ଓଡ଼ିଶା ଡଟ୍ କମ୍




## ସପିଙ୍ଗ୍ ଜୋନ୍

**ପରିଧାନ**

ସଲ୍ୱାର କାମିଜ୍ - ଶାଢ଼ୀ - ସାରଙ୍ଗ _ - କୁର୍ତ୍ତା - ଚୋଲି - ଟପ୍ସ୍

**ଘରକରଣା ସାମଗ୍ରୀ**

ଇଲୋକଟ୍ରୋନିକ୍ସ - ଘରକରଣା ସାମଗ୍ରୀ - ରୋଷେଇ ସାମଗ୍ରୀ - ସୁନା ଗହଣା - ଚମଡା ସାମଗ୍ରୀ - ଘଣ୍ଟା

**ଅନ୍ୟାନ୍ୟ**

ଜ୍ୟୋତିଷୀ - ବହି ଏବଂ ସିଡ଼ି -ଭାରତ ଦର୍ଶନ - ବନ୍ଧୁ ଉପହାର ସାମଗ୍ରୀ - ଭାରତକୁ ରାକ୍ଷୀ - ଆମେରିକାକୁ ରାକ୍ଷୀ - ଆମେରିକାକୁ ମିଠା - ଅନ୍ୟାନ୍ୟ ପରିଧାନ - ବ୍ୟାଗ - ୱ୍ୱାଲ ହେଙ୍ଗିଙ୍ଗ୍ - ତାଜା ଫୁଲ - ତାଜା ଫଳ -କେକ୍




Contact address: info@odisha.com , odisha@rediffmail.com
Copy right 2004-2009 odisha.com, All rights reserved
Editor in Chief: JATINDRA DASH
ଓଡ଼ିଶା ଡ଼ଟ୍ କମ୍‌ର ଘୋଷଣାନାମା